Click Here & Upgrade
Expanded Features
Unlimited Pages
PDF Complete

# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 34 CUTTACK, TUESDAY, JANUARY 9, 2007 / PAUSA 19, 1928**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 28 ନଭେମ୍ବର 2006

ସଂଖ୍ୟା 55396—ଏଲ୍.ଏ. (ସି)-4/2005-ଢେଙ୍କାନାଳ (3)-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରେଙ୍ଗାଳି ଜଳସେଚନ ଯୋଜନା କମିଓପୁଟସାହି କରନାଳ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା କମିଓପୁଟସାହି, ଥାନା ଡୁମୁସିଂଗା, ଜିଲ୍ଲା ଢେଙ୍କାନାଳରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି । ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 0.34 ଏକର ପରିମିତ ଜମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 14594-ରା., ତା 20 ଅପ୍ରେଲ 2006ରିଖ ଓ ରାଜପତ୍ର ସଂଖ୍ୟା 655, ତା 16 ମଇ 2006ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, ସ୍ୱତନ୍ତ୍ର ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ ଅଧିକାରୀ, ରେଙ୍ଗାଳି ଜଳସେଚନ ଯୋଜନା, ବାଘୁଆବୋଳ, ତାଳଚେରଙ୍କ କାର୍ଯ୍ୟାଳୟରେ,କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ
**ପ୍ରଦୀପ୍ତ କୁମାର ପଟ୍ଟନାୟକ**
ଉପ ଶାସନ ସଚିବ

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 28 ନଭେମ୍ବର 2006

ସଂଖ୍ୟା 55430—ଏଲ୍.ଏ. (ସି)-54/2005-ଢେଙ୍କାନାଳ (3)-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରେଙ୍ଗାଳି ବାମପାର୍ଶ୍ୱ କେନାଲର ବାଗୁଆଁ କରନାଳ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ବାଗୁଆଁ (ଅତିରିକ୍ତ), ଥାନା କାମାକ୍ଷାନଗର, ଜିଲ୍ଲା ଢେଙ୍କାନାଳରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି । ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 3.25 ଏକର ପରିମିତ ଜମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

Click Here & Upgrade
Expanded Features
Unlimited Pages
PDF Complete



ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 2306-ରା., ତା 19 ଜାନୁଆରୀ 2006ରିଖ ଓ ରାଜପତ୍ର ସଂଖ୍ୟା 364, ତା 21 ଜାନୁଆରୀ 2006ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍‌ସା, ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ, ରେଙ୍ଗାଳି ଜଳସେଚନ ଯୋଜନା, ବାଘୁଆବୋଳ, ତାଳଚେରଙ୍କ କାର୍ଯ୍ୟାଳୟରେ,କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ
**ପ୍ରଦୀପ୍ତ କୁମାର ପଟ୍ଟନାୟକ**
ଉପ ଶାସନ ସଚିବ

Printed and published by the Director of Printing, Stationery and Publication, Orissa, Cuttack-10
Ex. Gaz. 1320—193+25